ଗ୍ରାମୀଣ କୃଷି ମୌଷମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
ମହିଷାପାଟ,ଢେଙ୍କାନାଳ – ୭୫୯୦୧୩

ସପ୍ତାହ ସଂଖ୍ୟା -୪୮

Deepanjali Dugal,
Jr. Agrometeorologist

ବୁଲେଟିନ ନମ୍ବର :୯୭
ତାରିଖ : ୦୫.୧୨.୨୦୨୩
(ମଙ୍ଗଳବାର)

## ଢେଙ୍କାନାଳ ଜିଲ୍ଲା

**ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା ୨୯.୧୧.୨୦୨୩ ରୁ ୦୫.୧୨.୨୦୨୩)**

| | |
|---|---|
| ବୃଷ୍ଟିପାତ (ମି.ମି.) | ୦.୦ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୨୮.୭-୩୨.୨ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୧୮.୨-୨୨.୩ |

**ଆଞ୍ଚଳିକ ପାଣିପାଗ କେନ୍ଦ୍ର,ଭୁବନେଶ୍ୱର ଅନୁଯାୟୀ ଆଗାମୀ ୧୦ ତାରିଖ ପର୍ଯ୍ୟନ୍ତ ପାଣିପାଗସୂଚନା**

| ତାରିଖ | ବୃଷ୍ଟିପାତ (ମି.ମି.) | ତାପମାତ୍ରା (ଡି.ସେ.) | | ସର୍ବମୋଟ ମେଘାଛାନ୍ନତା (ଅକ୍ଟା) | ଆପେକ୍ଷିକ ଆର୍ଦ୍ରତା (%) | | ପବନର ବେଗ (କି.ମି./ଘ.) | ପବନର ଦିଗ |
|---|---|---|---|---|---|---|---|---|
| | | ସର୍ବାଧିକ | ସର୍ବନିମ୍ନ | | ସର୍ବାଧିକ | ସର୍ବନିମ୍ନ | | |
| 06-12-2023 | 5 | 29 | 20 | 6 | 94 | 68 | 8 | 58 |
| 07-12-2023 | 6 | 29 | 20 | 6 | 92 | 73 | 10 | 68 |
| 08-12-2023 | 2 | 29 | 19 | 5 | 93 | 78 | 7 | 70 |
| 09-12-2023 | 0 | 30 | 17 | 3 | 93 | 64 | 5 | 77 |
| 10-12-2023 | 0 | 30 | 17 | 3 | 82 | 59 | 4 | 135 |

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଅନୁସାରେ ଢେଙ୍କାନାଳ ଜିଲ୍ଲାରେ ଆଗାମୀ ୩ଦିନ ଅତିସ୍ୱଳ୍ପ ରୁ ସ୍ୱଳ୍ପ ବର୍ଷା ଏହା ପରେ ୨ଦିନ ପର୍ଯ୍ୟନ୍ତ ଶୁଖିଲା ପାଗ ଓ ଆକାଶ ମୁଖ୍ୟତଃ ଆଂଶିକରୁ ସାଧାରଣତଃ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ଦିନ ପର୍ଯ୍ୟନ୍ତ ପବନ ୦୪-୧୦ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ସର୍ବୋଚ୍ଚ ତାପମାତ୍ରା ୨୯°C-୩୦°C ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୭°C ରୁ ୨୦°C ମଧ୍ୟରେ ରହିବାର ସମ୍ଭାବନା ରହିଛି । ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୮୨ ରୁ ୯୪ ପ୍ରତିଶତ ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୫୯ ରୁ ୭୮ ପ୍ରତିଶତ ମଧ୍ୟରେ ରହିବାର ସମ୍ଭାବନା ରହିଛି ।

### କୃଷିସୂଚନା

- ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ଥିବାରୁ ଅମଳ ଉପଯୋଗୀ ଫସଲ ଓ ପନିପରିବାକୁ ଶୀଘ୍ର ଅମଳ କରି, ସୁରକ୍ଷିତ ସ୍ଥାନରେ ସାଇତି ରଖନ୍ତୁ ।
- ବର୍ତ୍ତମାନ ରାତି ତାପମାତ୍ରା କମ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରାରେ ପୋଲିଥିନ ଦ୍ୱାରା ଆଚ୍ଛାଦିକାରଣ ବ୍ୟବସ୍ଥା କରନ୍ତୁ ।
- ଶୀତ ଦିନିଆ ପନିପରିବା କୋବି, ବାଇଗଣ, ଟମାଟୋ ଓ ଲଙ୍କା ଫସଲରେ ପତ୍ରଖିଆ ଓ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣିରେ ପ୍ରତି ୦.୫ ଗ୍ରାମ Emamectin benzoate କିମ୍ବା ୦.୪ ଗ୍ରାମ Spinosad ପ୍ରୟୋଗ କରନ୍ତୁ ।

**ଧାନ:**
ଧାନ ସାଇତି ରଖିଥିବା ପାତ୍ର ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସଫାଇଡ ଟାବଲେଟ ଏକ ଟନ ପିଛା ୩ଟି ଟାବଲେଟ ସମୁଦାୟ ୯ ଗ୍ରାମ ଟାବଲେଟ ଭଲଭାବେ ଟାରପୋଲିନ ଘୋଡାଇ ଧୂଆଁ କରନ୍ତୁ ଯେପରିକି କିଛି ଫାଙ୍କା ଜାଗା ନରୁହେ ।

**ମୁଗ ଓ ବିରି :**
ମୁଗ ଓ  ବିରି ଫସଲରେ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ଅଛି । ଏହି ରୋଗ ର ନିୟନ୍ତ୍ରଣ କରିବା ପାଇଁ ଏକର ପ୍ରତି **Sulphur 80% WP @** ୮୦୦ ଗ୍ରାମ କିମ୍ବା **Hexaconazole ୫% E.C @** ୩୦୦ ମିଲି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ଚିନାବାଦାମ:**
ଧୂଆଁପତ୍ର ଗୋଟି ପୋକର ପରିଚାଳନା ପାଇଁ ଏକର ପ୍ରତି ସ୍ପୋଡୋଲିଓର ଥିବା ସଙ୍ଗ ଆକର୍ଷକ ଯନ୍ତ୍ର ରୁ ୭-୮ ଟି ରଖନ୍ତୁ । ହିଡରେ ଏକର ପ୍ରତି ୧୦ କିଲୋଗ୍ରାମ **Chlorpyriphos** ଗୁଣ୍ଡ କୀଟନାଶକ ପ୍ରୟୋଗ କରନ୍ତୁ। ଏକର ପ୍ରତି ୪୦୦ ମିଲି **Novaluron** ଓ **Indoxacarb** ର ମିଳିତ କୀଟନାଶକ କିମ୍ବା ୩୦୦ ମିଲି **Lambda Cyhalothrin** ନାମକ କୀଟନାଶକ କିମ୍ବା ୧୨୦ ଗ୍ରାମ **Flubendiamide** ନାମକ କୀଟନାଶକ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ପିଆଜ:**
ତଳି ପଟାଳିରେ ଘେରାକଟା ରୋଗ ନହେବା ପାଇଁ, ବିହନ ଲଗେଇବା ପୂର୍ବରୁ ଏକ କିଲୋଗ୍ରାମ ବିହନରେ ୨ଗ୍ରାମ Carbendazim ନାମକ ଫିମ୍ପିନାଶକ କିମ୍ବା ୩ ଗ୍ରାମ Carboxin ଓ Thiram ର ମିଳିତ ଫିମ୍ପିନାଶକ, ବିହନରେ ଗୋଳାଇ ବିଶୋଧନ କରନ୍ତୁ । ପିଆଜ ତଳି ୮ ସପ୍ତାହର ହୋଇଗଲେ ମୁଖ୍ୟ ଜମିରେ ଲଗାଯାଏ।

**ବନ୍ଧା କୋବି ଓ ଫୁଲକୋବି:**
କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬ -୮ ଟି ଆଲୋକ ଯନ୍ତ୍ର ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM  Azadirachtin କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ ଗ୍ରାମ Emamectin Benzoate ୫% SG ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ଟମାଟୋ:**
ଟମାଟୋ ରେ ଧଳା ମାଛିକୁ ଆକୃଷ୍ଟ କରିବା ପାଇଁ ଏକର ପ୍ରତି ୮ ରୁ ୧୦ ଟି ହଳଦିଆ ଅଠା ଯନ୍ତ୍ର ବ୍ୟବହାର କରନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM Azadirachtin କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳାମାଛିର ପରିଚାଳନା ପାଇ ଏକର ପ୍ରତି ୪୦-ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦-ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦-ମିଲି Spiromesifen ନାମକ କୀଟନାଶକ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ଲଙ୍କା ମରିଚ:**
ପ୍ରାଥମିକ ଅବସ୍ଥାରେ ଜଉ ପୋକ ଓ ଉକୁଣି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM Azadirachtin କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି ପୋକ ଗୁଡିକ ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କିମ୍ବା ୪୦୦ ମିଲି Profenophos ଓ Fenpyroximate ର ମିଳିତ କୀଟନାଶକ ୨୦୦

**ପୋଟଳ:**
ବର୍ତମାନ ସମୟରେ ପୋଟଳରେ ନିମ୍ନମୁଖୀ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ ପାଇଁ ଏକର ପ୍ରତି Metalaxyl ୮% + Mancozeb ୬୪% W.P @ ୪୦୦ ଗ୍ରାମ କିମ୍ବା Fosetyl -AL ୮୦ % WP @ ୬୦୦ ଗ୍ରାମ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ ।

**ପ୍ରାଣୀସମ୍ପଦ:**
ଶୀତ ଋତୁରେ ଅଧିକ ଥଣ୍ଡା ସମୟରେ ଗାଇ ଗୁହାଳକୁ ପୋଲିଥିନ କିମ୍ବା ଅଖା ଦ୍ଵାରା ଆଚ୍ଛାଦିକାରଣ ବ୍ୟବସ୍ଥା କରନ୍ତୁ ।

**ସହଯୋଗୀ ଗବେଷଣା ନିର୍ଦ୍ଦେଶକ ଙ୍କ ଦ୍ଵାରା ସ୍ଵୀକୃତ**

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,**QPM**,ଟିସୁ କଲଚର ଗଛ,ଫଳ ଓ ପନିପରିବା,ଯାଆଁଳ,କୁକୁଡା ଚିଆଁ,ଛତୁ,ଛତୁ ମଞ୍ଜି,ଜୈବିକ ସାର,ଜୈବିକ କୀଟନାଶକ,ଜିଆ ଖତ,କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।
ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ **MEGHDOOT** ମୋବାଇଲ ଆପ ବ୍ୟବହାର କରନ୍ତୁ ।
**(Android: https://play.google.com/store/apps/details?id=com.aas.meghdoot)**
**(iOS: https://apps.apple.com/in/app/meghdoot/id1474048155)**